ସୂଚନା ଓ ଲୋକ ସଂପର୍କ ବିଭାଗ
**Information & Public Relations Department**
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

# ଆସନ୍ତାକାଲି ରାଜ୍ୟ ଜଙ୍ଗଲ ମନ୍ତ୍ରୀ ସମ୍ମିଳନୀ

## ଜଙ୍ଗଲ ଓ ପରିବେଶ ମନ୍ତ୍ରୀ ଶ୍ରୀ ବିକ୍ରମ କେଶରୀ ଆରୁଖଙ୍କ ଦିଲ୍ଲୀ ଗସ୍ତ

ଭୁବନେଶ୍ୱର, ତା.୨୮/୦୮/୨୦୧୯ରିଖ

ଆସନ୍ତାକାଲି ନୂଆଦିଲ୍ଲୀସ୍ଥିତ ପର୍ଯ୍ୟାବରଣ ଭବନଠାରେ ରାଜ୍ୟ ଜଙ୍ଗଲ ମନ୍ତ୍ରୀମାନଙ୍କ ସମ୍ମିଳନୀ ଅନୁଷ୍ଠିତ ହେବ । ଏହି ସମ୍ମିଳନୀରେ ଯୋଗଦେବା ନିମନ୍ତେ ଜଙ୍ଗଲ ଓ ପରିବେଶ ଏବଂ ସଂସଦୀୟ ବ୍ୟାପାର ମନ୍ତ୍ରୀ ଶ୍ରୀ ବିକ୍ରମ କେଶରୀ ଆରୁଖ ଆଜି ଅପରାହ୍ଣରେ ନୂଆଦିଲ୍ଲୀ ଯାତ୍ରା କରିଛନ୍ତି । ଏହି ବୈଠକରେ କ୍ଷତିପୂରକ ବନୀକରଣ ପାଣ୍ଠିର କାର୍ଯ୍ୟକାରିତା, ପ୍ରାକୃତିକ ଜଙ୍ଗଲ ପରିଚାଳନା, ବନ୍ୟଜନ୍ତୁଙ୍କ ସୁରକ୍ଷା, ଇକୋ ସିଷ୍ଟମ୍‌ର ପରିଚାଳନା, ପ୍ରଭୃତି ବିଭିନ୍ନ ପ୍ରସଙ୍ଗ ଉପରେ ଆଲୋଚନା ହେବ । କେନ୍ଦ୍ର ପରିବେଶ, ଜଙ୍ଗଲ ଓ ଜଳବାୟୁ ପରିବର୍ତ୍ତନ ମନ୍ତ୍ରଣାଳୟ ଦ୍ୱାରା ଆହୂତ ଏହି ସମ୍ମିଳନୀରେ ଯୋଗଦେବା ନିମନ୍ତେ କେନ୍ଦ୍ର ପରିବେଶ, ଜଙ୍ଗଲ ଓ ଜଳବାୟୁ ପରିବର୍ତ୍ତନ ମନ୍ତ୍ରୀ ଶ୍ରୀ ପ୍ରକାଶ ଜାଭେଦକର ସବୁ ରାଜ୍ୟର ଜଙ୍ଗଲ ମନ୍ତ୍ରୀମାନଙ୍କୁ ପତ୍ର ଲେଖିଛନ୍ତି । ଓଡ଼ିଶା ସରକାରଙ୍କ ତରଫରୁ ମନ୍ତ୍ରୀ ଶ୍ରୀ ଆରୁଖଙ୍କ ସହ ଜଙ୍ଗଲ ଓ ପରିବେଶ ବିଭାଗର ପ୍ରମୁଖ ଶାସନ ସଚିବ ଡ. ମୋନା ଶର୍ମା, ପ୍ରଧାନ ମୁଖ୍ୟ ବନସଂରକ୍ଷକ ଡ. ସଂଦୀପ ତ୍ରିପାଠୀ ଏବଂ ମୁଖ୍ୟ ବନ ସଂରକ୍ଷକ ଉମା ନନ୍ଦୁରୀ ପ୍ରମୁଖ ଏହି ସମ୍ମିଳନୀରେ ଯୋଗଦେବେ ।

ସୁଚେତା ପ୍ରିୟଦର୍ଶିନୀ
ସୂଚନା ଅଧିକାରୀ